ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/OLLC(Od)/1140/20-10-2023**

# ଶ୍ରୀଜଗନ୍ନାଥ ମନ୍ଦିରରେ ଓଡ଼ିଶୀ ଆସର

ଭୁବନେଶ୍ୱର,୨୦/୧୦/୨୦୨୩:

ଗୁରୁ କେଳୁଚରଣ ମହାପାତ୍ର ଓଡ଼ିଶୀ ଗବେଷଣା କେନ୍ଦ୍ର ଦ୍ୱାରା ପ୍ରସ୍ତୁତ 'ଓଡ଼ିଶୀ ଆସର' ଆର୍.ସି.ଏମ୍. ପରିସରସ୍ଥ ଶ୍ରୀଜଗନ୍ନାଥଙ୍କ ମନ୍ଦିର ପରିସରରେ ଅନୁଷ୍ଠିତ ହୋଇଯାଇଛି । ଆଜିର ଏହି 'ଓଡ଼ିଶୀ ଆସର' କାର୍ଯ୍ୟକ୍ରମ ପ୍ରାରମ୍ଭରେ ସୁନିତାରାଣୀ ବିଶ୍ୱାଳ ଏବଂ ଅର୍ପିତା ସାହୁ ଦ୍ୱୈତ ଓଡ଼ିଶୀ ସଂଗୀତ ପରିବେଷଣ କରିଥିଲେ । ପରେ ପରେ ଏକକ ମର୍ଦ୍ଦଳ ବାଦନ କରିଥିଲେ ଜୟଗୁରୁ ପ୍ରଧାନ । ହାର୍‌ମୋନିୟମ୍‌ରେ ତାଙ୍କୁ ଗୁରୁ ରମେଶ ଚନ୍ଦ୍ର ଦାସ ସହଯୋଗ କରିଥିଲେ । ଅତିଥି କଳାକାର ମମତାରାଣୀ ଉପାଧ୍ୟାୟ ଏକକ ଓଡ଼ିଶୀ ନୃତ୍ୟ ପରିବେଷଣ କରିଥିଲେ । ଗୁରୁ କେଶବ ଚନ୍ଦ୍ର ରାଉତ, ସ୍ୱପ୍ନେଶ୍ୱର ଚକ୍ରବର୍ତ୍ତୀ (ସୀତାର), ରମେଶ ଚନ୍ଦ୍ର ଦାସ (ବେହେଲା), ସଚ୍ଚିଦାନନ୍ଦ ଦାସ (ମର୍ଦ୍ଦଳ), ରୁଦ୍ର ପ୍ରସାଦ ପରିଡ଼ା (ବଂଶୀ) ବାଦ୍ୟଯନ୍ତ୍ରରେ ସହଯୋଗିତା କରିଥିଲେ ।

ଏକ ଆଧ୍ୟାତ୍ମିକ ପରିବେଶ ମଧ୍ୟରେ ଉକ୍ତ କାର୍ଯ୍ୟକ୍ରମଟି ଆୟୋଜିତ ହୋଇଥିଲା । କାର୍ଯ୍ୟକ୍ରମ ପ୍ରାରମ୍ଭରେ ଶ୍ରୀଜଗନ୍ନାଥଙ୍କ ମନ୍ଦିରର ପ୍ରତିଷ୍ଠାତା ଶ୍ରୀ ପ୍ରବୀର ପାଲ୍ ସସ୍ତ୍ରୀକ ଅତିଥି ରୂପେ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନପୂର୍ବକ ବହୁ ମାନ୍ୟଗଣ୍ୟ ବ୍ୟକ୍ତିଙ୍କ ଗହଣରେ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ ।

ଉଭୟ ଓଡ଼ିଶୀ ନୃତ୍ୟ ଓ ଓଡ଼ିଶୀ ସଂଗୀତର ଭାବଧାରାକୁ ନେଇ ପ୍ରତିମାସରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ । ଏହି କାର୍ଯ୍ୟକ୍ରମରେ ଓଡ଼ିଶୀ ଗବେଷଣା କେନ୍ଦ୍ରର ଗୁରୁ ଏବଂ ଶିକ୍ଷାନବୀଶ ତଥା ଛାତ୍ରଛାତ୍ରୀମାନେ ସଂଗୀତ ଓ ନୃତ୍ୟ ପରିବେଷଣ କରିଥାନ୍ତି । ଓଡ଼ିଶୀ ସଂଗୀତର ଶାସ୍ତ୍ରୀୟ ମାନ୍ୟତା ଉଦ୍ଦେଶ୍ୟରେ ଏହା ସରକାରୀ ସ୍ତରରେ ଆଉ ଏକ ପଦକ୍ଷେପ ଅଟେ ।

ଓଡ଼ିଶୀ ଗବେଷଣା କେନ୍ଦ୍ରର ମୁଖ୍ୟ ନିର୍ବାହୀ ଶ୍ରୀମତୀ ସିକତା ଦାସଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମକୁ ଓଡ଼ିଶୀ ଗବେଷଣା କେନ୍ଦ୍ରର ପ୍ରଶାସନିକ ଅଧିକାରୀ ଅନୁଜା ତାରିଣୀ ମିଶ୍ର ପରିଚାଳନା କରିଥିଲେ ।

ଜିତେନ୍ଦ୍ରୀୟ ଜେନା
ସୂଚନା ଅଧିକାରୀ